# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 05th September - 2024

### News Editor : *Tapan Kumar Maharana*

*************************************

***Desk***

## ଗୁରୁଦିବସ

ଭାରତର ଦ୍ୱିତୀୟ ରାଷ୍ଟ୍ରପତି, ରାଷ୍ଟ୍ରନୀତିଜ୍ଞ, ଶିକ୍ଷାବିତ୍ ସର୍ବପଲ୍ଲୀ ଡକ୍ଟର ରାଧାକ୍ରିଷ୍ଣନଙ୍କ ଜୟନ୍ତୀରେ ଆଜି ଦେଶବ୍ୟାପୀ ଶିକ୍ଷକ ଦିବସ ପାଳନ କରାଯାଉଛି । ଡକ୍ଟର ରାଧାକ୍ରିଷ୍ଣନ ୧୮୮୮ ମସିହା ସେପ୍ଟେମ୍ବର ୫ ତାରିଖରେ ଜନ୍ମଗ୍ରହଣ କରିଥିଲେ ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ଅବସରରେ ଶୁଭେଚ୍ଛା ଜଣାଇଛନ୍ତି । ସେ କହିଛନ୍ତି, ଶିକ୍ଷକମାନେ ହିଁ ପ୍ରକୃତ ରାଷ୍ଟ୍ର ନିର୍ମାତା । ଯେଉଁ ଦେଶରେ ଶିକ୍ଷା ଓ ଶିକ୍ଷକଙ୍କ ମର୍ଯ୍ୟାଦା ଯେତେ ଅଧିକ, ସେ ଦେଶର ସଭ୍ୟତା ଓ ସଂସ୍କୃତି ସେତେ ଉନ୍ନତ ।

ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ତାଙ୍କ ଶୁଭେଚ୍ଛା ବାର୍ତ୍ତାରେ କହିଛନ୍ତି, ଯୁଗେ ଯୁଗେ ଗୁରୁ ହେଉଛନ୍ତି ପୂଜ୍ୟ । ବ୍ୟକ୍ତିନିର୍ମାଣ ଏବଂ ଚରିତ୍ର ଗଠନ ଦିଗରେ ତଥା ଆଦର୍ଶ ଶିକ୍ଷିତ ସମାଜ ଗଠନ ଦିଗରେ ଶିକ୍ଷକଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ।

ଏହି ଅବସରରେ ଦିଲ୍ଲୀର ବିଜ୍ଞାନ ଭବନଠାରେ ଶିକ୍ଷାକ୍ଷେତ୍ରରେ ଉଲ୍ଲେଖନୀୟ କାର୍ଯ୍ୟ ପାଇଁ ରାଷ୍ଟ୍ରପତି ୮୨ ଜଣ ଶିକ୍ଷକଙ୍କୁ ସମ୍ମାନିତ କରିବେ । ସେମାନଙ୍କ ମଧ୍ୟରେ ବିଦ୍ୟାଳୟ ବିଭାଗରୁ ୫୦ ଜଣ ଶିକ୍ଷକଙ୍କୁ ଚୟନ କରାଯାଇଥିବାବେଳେ ଉଚ୍ଚଶିକ୍ଷା ବିଭାଗର ୧୬ ଜଣ ଏବଂ କୌଶଳ ବିକାଶ ଓ ଉଦ୍ୟମିତା ମନ୍ତ୍ରଣାଳୟର ୧୬ ଜଣ ଶିକ୍ଷକଙ୍କୁ ସମ୍ମାନିତ କରାଯିବ ।

ସେହିପରି ଆଜି ପୂର୍ବାହ୍ନରେ ଲୋକସେବା ଭବନ ସମ୍ମିଳନୀ କକ୍ଷରେ ରାଜ୍ୟସ୍ତରୀୟ ଗୁରୁଦିବସ ଏବଂ ବିଦ୍ୟାର୍ଥୀ ସମ୍ବର୍ଦ୍ଧନା ସମାରୋହ ଅନୁଷ୍ଠିତ ହେବ । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମୁଖ୍ୟ ଅତିଥି ଭାବେ ଏହି କାର୍ଯ୍ୟକ୍ରମରେ ଯୋଗଦେବେ । ବିଦ୍ୟାଳୟ ଓ ଗଣଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଏବଂ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ମଧ୍ୟ ଏହି କାର୍ଯ୍ୟକ୍ରମରେ ଯୋଗଦେବେ ।

ଅନ୍ୟପକ୍ଷରେ ଭୁବନେଶ୍ୱର କ୍ୟାପିଟାଲ୍ ହାଇସ୍କୁଲ୍‌ରେ ଜିଲ୍ଲାସ୍ତରୀୟ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ଉତ୍ସବ ପୂର୍ବାହ୍ନ ୧୦ଟାରେ ଅନୁଷ୍ଠିତ ହେବ । ଏଥିରେ ଆଇନ, ପୂର୍ତ୍ତ ଓ ଅବକାରୀ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଏବଂ ଖୋର୍ଦ୍ଧା ଜିଲ୍ଲାର ବିଧାୟକମାନେ ଯୋଗଦେବାର କାର୍ଯ୍ୟକ୍ରମ ରହିଛି ।

***BBSR/R***

# ପି.ଏମ୍. ଆବାସ

ରାଜ୍ୟର ଯୋଗ୍ୟ ହିତାଧିକାରୀଙ୍କୁ ୧୫ ଲକ୍ଷ ପିଏମ୍ ଆବାସ ଯୋଗାଇ ଦିଆଯିବ । ବିଧାନସଭାରେ ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗର ଖର୍ଚ୍ଚ

ଦାବି ଆଲୋଚନାର ଉତ୍ତରରେ ବିଭାଗୀୟ ମନ୍ତ୍ରୀ ରବି ନାରାୟଣ ନାଏକ କହିଛନ୍ତି, ପ୍ରଧାନମନ୍ତ୍ରୀ ଆବାସ ଯୋଜନା (ଗ୍ରାମୀଣ)ରେ ପୂର୍ବ ବର୍ଷମାନଙ୍କରେ ମଞ୍ଜୁର ହୋଇ ଅସମ୍ପୂର୍ଣ୍ଣ ଥିବା ପ୍ରାୟତଃ ୪ ଲକ୍ଷ ୨୦ ହଜାର ଗୃହ କାର୍ଯ୍ୟ ଶେଷ କରିବା ନିମନ୍ତେ ଚଳିତ ବଜେଟରେ ୫ ହଜାର ୪୯୦ କୋଟି ଟଙ୍କାର ବ୍ୟୟବରାଦ ରଖାଯାଇଛି । ସେହିପରି ପ୍ରଧାନମନ୍ତ୍ରୀ ଜନ ମନ ଯୋଜନାରେ ଆର୍ଥିକ ଅନଗ୍ରସର ଜନଜାତି ଗୋଷ୍ଠୀଙ୍କୁ ପକ୍କା ଘର ଦେବା ପାଇଁ ୬୦୦ କୋଟି ଟଙ୍କା ବ୍ୟୟବରାଦ କରାଯାଇଥିବା ସେ କହିଛନ୍ତି । ଅନ୍ତ୍ୟୋଦୟ ଗୃହ ଯୋଜନା ପାଇଁ ୧୦୦ କୋଟି ଟଙ୍କା ଦିଆଯାଇଛି ବୋଲି ମନ୍ତ୍ରୀ ସୂଚନା ପ୍ରଦାନ କରିଛନ୍ତି ।

***Desk***

# ଧର୍ମେନ୍ଦ୍ର ପ୍ରଧାନ

ଦେଶର ୫ ହଜାର ଉଚ୍ଚ ଶିକ୍ଷାନୁଷ୍ଠାନକୁ ଉତ୍କର୍ଷ କେନ୍ଦ୍ରରେ ପରିଣତ କରିବା ଲାଗି କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଆହ୍ୱାନ ଦେଇଛନ୍ତି । ଉଚ୍ଚଶିକ୍ଷା ଅନୁଷ୍ଠାନଗୁଡ଼ିକପାଇଁ ସଂସ୍ଥାଗତ ବିକାଶ ଯୋଜନା ଉପରେ ଆୟୋଜିତ ଦିନିକିଆ କର୍ମଶାଳାକୁ ଉଦ୍‌ଘାଟନ କରି କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ କହିଛନ୍ତି, ବିକଶିତ ଭାରତର ପରିକଳ୍ପନାକୁ ସଫଳ କରିବା କ୍ଷେତ୍ରରେ ଦେଶର ଉଚ୍ଚଶିକ୍ଷା ଅନୁଷ୍ଠାନଗୁଡ଼ିକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବେ ।

***Desk***

# ଏକାମ୍ର ପ୍ରକଳ୍ପ

ରାଜଧାନୀ ଭୁବନେଶ୍ୱରରେ ଆଜିଠାରୁ ଏକାମ୍ର ପ୍ରକଳ୍ପ କାର୍ଯ୍ୟ ଆରମ୍ଭ ହେବ । ଗତକାଲି ଏକାମ୍ର ପ୍ରକଳ୍ପକୁ ନେଇ ଅନୁଷ୍ଠିତ ସମୀକ୍ଷା ବୈଠକ ପରେ ରାଜ୍ୟ ଆଇନ ଓ ପୂର୍ତ୍ତ ବିଭାଗ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଥିଲେ, ପ୍ରକଳ୍ପ କାର୍ଯ୍ୟକୁ ଆସନ୍ତା ବର୍ଷ ଜାନୁୟାରୀ ସୁଦ୍ଧା ନିର୍ଣ୍ଣାୟକ ସ୍ଥିତିକୁ ପହଞ୍ଚାଇବାକୁ ଚେଷ୍ଟା କରାଯିବ ।

***Desk***

# ବିଦ୍ୟୁତ୍ ଉତ୍ପାଦନ

ଓଡ଼ିଶା ଏକ ବିଦ୍ୟୁତ୍ ବଳକା ରାଜ୍ୟ ବୋଲି ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ କହିଛନ୍ତି । ସେ କହିଛନ୍ତି, ରାଜ୍ୟରେ ଥିବା ୭ଟି ବୃହତ୍ ଓ ୬ଟି କ୍ଷୁଦ୍ର ଜଳବିଦ୍ୟୁତ୍ କେନ୍ଦ୍ରରୁ ୨୦୨୩-୨୪ ଆର୍ଥିକ ବର୍ଷରେ ୫ ହଜାର ୯୪୧ ଦଶମିକ ୮/୭ ମେଗାୱାଟ୍ ବିଦ୍ୟୁତ୍ ଉତ୍ପାଦନ ହୋଇଥିଲା । ସେହି ସମୟରେ ତାପଜ ବିଦ୍ୟୁତ୍ ୟୁନିଟ୍‌ରୁ ୧ ହଜାର ୮୫୩ ମେଗାୱାଟ୍ ବିଦ୍ୟୁତ୍ ଉତ୍ପାଦନ ହୋଇଥିବା ଶ୍ରୀ ସିଂହଦେଓ କହିଛନ୍ତି । ଗତ ଆର୍ଥିକ ବର୍ଷରେ ଉପର ଇନ୍ଦ୍ରାବତୀ ଜଳବିଦ୍ୟୁତ୍ ପ୍ରକଳ୍ପରୁ ୧ ହଜାର ୬୮୭ ମେଗାୱାଟ୍ ବିଦ୍ୟୁତ୍ ରାଜ୍ୟକୁ ମିଳିଛି ।

*Cuttack/R*

# କଟକ ବାଲିଯାତ୍ରା

କଟକ ଐତିହାସିକ ବାଲିଯାତ୍ରା ଆସନ୍ତା ନଭେମ୍ବର ୧୫ରୁ ୨୨ ତାରିଖ ପର୍ଯ୍ୟନ୍ତ ଆୟୋଜିତ ହେବ । ଚଳିତ ବର୍ଷ ବାଲିଯାତ୍ରାକୁ ଅଧିକ ଚିତ୍ତାକର୍ଷକ ଓ ସୁରକ୍ଷିତ କରିବା ଲାଗି ଅନୁଷ୍ଠିତ ବୈଠକରେ ଗୁରୁତ୍ୱାରୋପ କରାଯାଇଛି । ବିଭିନ୍ନ ବିଭାଗ ମଧ୍ୟରେ ଉତ୍ତମ ସମନ୍ୱୟ ରକ୍ଷାକରି ବାଲିଯାତ୍ରା ଆୟୋଜନ ପାଇଁ ବୈଠକରେ ଆଲୋଚନା ହୋଇଥିବା ଜଣାପଡ଼ିଛି ।

*Desk*

# ସଚିବ - ଉନ୍ନୟନ କାର୍ଯ୍ୟକ୍ରମ

ରାଜ୍ୟର ସମସ୍ତ ଜିଲ୍ଲାରେ ଉନ୍ନୟନ କାର୍ଯ୍ୟକ୍ରମଗୁଡ଼ିକର ତଦାରଖ ନିମନ୍ତେ ୩୦ ଜଣ ବରିଷ୍ଠ ଅଧିକାରୀଙ୍କୁ ଦାୟିତ୍ୱ ଦିଆଯାଇଛି । ଯୋଜନା ଏବଂ ସଂଯୋଜନା ବିଭାଗ ପକ୍ଷରୁ ମିଳିଥିବା ସୂଚନା ଅନୁଯାୟୀ, ସମ୍ପୃକ୍ତ ଅଧିକାରୀମାନେ ବିଭିନ୍ନ ଜିଲ୍ଲା ଗସ୍ତ କରି ଜନକଲ୍ୟାଣକାରୀ ଯୋଜନାଗୁଡ଼ିକର ସମୀକ୍ଷା କରିବା ସହ ସ୍ୱାସ୍ଥ୍ୟ, ଶିକ୍ଷା ଆଦି ଭିତ୍ତିଭୂମିର ତଦାରଖ କରିବେ ।

***Sambalpur/R***

# ଉନ୍ନୟନ କାର୍ଯ୍ୟ ସମୀକ୍ଷା

ରାଜସ୍ୱ ବିଭାଗୀୟ କମିଶନର ସଚିନ ରାମଚନ୍ଦ୍ର ଯାଦବ, କୁଚିଣ୍ଡା ସବ୍‌ଡିଭିଜନ ପରିଦର୍ଶନ କରି ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିଛନ୍ତି। ସେ ପ୍ରଥମେ ଜମନକିରା ବ୍ଲକ ଅନ୍ତର୍ଗତ ସାନ୍ଧପଥର ସରକାରୀ ଉଚ୍ଚ ବିଦ୍ୟାଳୟ ପରିଦର୍ଶନ କରି ୫ଟି ରୂପାନ୍ତରଣ କାର୍ଯ୍ୟର ସମୀକ୍ଷା କରିବା ସହ ପ୍ରଧାନ ଶିକ୍ଷକ ଓ ଛାତ୍ରଛାତ୍ରୀଙ୍କ ସହ ଆଲୋଚନା କରିଥିଲେ। ପରେ ସେ ସାନ୍ଧର ସ୍ଥିତ ହାଇସ୍କୁଲ ପରିଦର୍ଶନ କରିଥିଲେ । ପରେ ସେ କୁଚିଣ୍ଡାସ୍ଥିତ ମୁକୁନ୍ଦୀ ଷ୍ଟାଡିୟମ ପରିଦର୍ଶନ କରି କ୍ରୀଡ଼ା କାର୍ଯ୍ୟକ୍ରମର ବିକାଶ ସମ୍ପର୍କରେ ଅଧିକାରୀମାନଙ୍କ ସହ ଆଲୋଚନା କରିଥିଲେ।

***Puri/R***

# ପୁରୀ - ନିକୁଞ୍ଜ ଲୀଳା

ପୁରୀ ଶ୍ରୀମନ୍ଦିରରେ ଆଜି ମହାପ୍ରଭୁଙ୍କର ନିକୁଞ୍ଜ ଲୀଳା ଅନୁଷ୍ଠିତ ହେବ। ଶ୍ରୀକୃଷ୍ଣ ଜନ୍ମାଷ୍ଟମୀ ପରଠୁ ଶ୍ରୀମନ୍ଦିରରେ ଚାଲି ଆସୁଥିବା ଶ୍ରୀକୃଷ୍ଣ ଲୀଳା କ୍ରମରେ ଆଜି ସନ୍ଧ୍ୟା ଧୂପ ପରେ ଏହି ସ୍ୱତନ୍ତ୍ର ନିକୁଞ୍ଜ ଲୀଳା ବିଧି ପାଳନ କରାଯିବ। ଭାଦ୍ରବ ଶୁକ୍ଳ ଦ୍ୱିତୀୟା ତିଥିରେ ରାମକୃଷ୍ଣ ନାଟ ମଣ୍ଡପରେ ବିଜେ ହେବା ପରେ ହରଚଣ୍ଡୀ ସାହି ଲୋକେ ଏହି ସ୍ୱତନ୍ତ୍ର ନିକୁଞ୍ଜ ଲୀଳା ପ୍ରସ୍ତାବ କରିବେ। ତେବେ ପୌରାଣିକ କଥାବସ୍ତୁ ଅନୁଯାୟୀ ଶ୍ରୀକୃଷ୍ଣ କିଶୋର

ଅବସ୍ଥାରେ ଗୋପଲୀଳା କରୁଥିବା ବେଳେ ଗୋପୀଙ୍କ ଭିତରେ କଂସ ଦ୍ୱାରା ପ୍ରେରିତ ଜଣେ ରାକ୍ଷସୀ ମାୟା କରି ଶ୍ରୀକୃଷ୍ଣଙ୍କୁ ମୋହିତ କରି ହରଣ ପାଇଁ ଚେଷ୍ଟା କରିଥିଲେ। ତେବେ ଶ୍ରୀକୃଷ୍ଣ ଏହା ଜାଣି ପାରି ଗୋପୀରୂପୀ ରାକ୍ଷସୀଙ୍କୁ ବଶୀଭୂତ କରି ବିଦା କରିଦେଇଥିଲେ, ଯାହାକୁ ଶ୍ରୀକୃଷ୍ଣଙ୍କ ନିକୁଞ୍ଜ ଲୀଳା ରୂପେ ବିବେଚନା କରାଯାଏ।

***Desk***

## ବିଦ୍ୟାଳୟ - ଶାରୀରିକ ଦଣ୍ଡ ମାମଲା

ରାଜ୍ୟରେ ୨୦୧୦ରୁ ୨୦୨୩ ମଧ୍ୟରେ ବିଦ୍ୟାଳୟଗୁଡ଼ିକରେ ଶାରୀରିକ ଦଣ୍ଡବିଧାନ ସଂକ୍ରାନ୍ତ ୫୭ଟି ଅଭିଯୋଗ ଆସିଛି । ରାଜ୍ୟ ସରକାର ହାଇକୋର୍ଟରେ ଏନେଇ ସତ୍ୟପାଠ ଦାଖଲ କରିଛନ୍ତି । ସୁନ୍ଦରଗଡ଼ ଜିଲ୍ଲାରୁ ସର୍ବାଧିକ ୧୧ଟି ଅଭିଯୋଗ ଆସିଥିବାବେଳେ ବଲାଙ୍ଗିର, ଖୋର୍ଦ୍ଧା, ଯାଜପୁର ଜିଲ୍ଲାରୁ ୬ଟି ଲେଖାଏଁ, ବାଲେଶ୍ୱର ଓ ମୟୂରଭଞ୍ଜ ଜିଲ୍ଲାରୁ ୫ଟି ଲେଖାଏଁ ଅଭିଯୋଗ ଆସିଛି । ଏନେଇ ହାଇକୋର୍ଟ ଆବେଦନକାରୀଙ୍କୁ ଜବାବ ଦାଖଲ ଲାଗି ନିର୍ଦ୍ଦେଶ ଦେଇଛନ୍ତି । ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ୧୮ ତାରିଖରେ ହେବ ।

*BBSR/R*

# ପାଣିପାଗ

ଉତ୍ତର ଉପକୂଳ ଆନ୍ଧ୍ରପ୍ରଦେଶ ଓ ଏହାର ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହୋଇଥିବାବେଳେ ପଶ୍ଚିମ-କେନ୍ଦ୍ରୀୟ ଓ ସଂଲଗ୍ନ ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ଆଜି ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି । ସମ୍ଭାବ୍ୟ ଲଘୁଚାପ ପ୍ରଭାବରେ ଆଜିଠାରୁ ରାଜ୍ୟରେ ବର୍ଷା ପରିମାଣ ବୃଦ୍ଧି ହେବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ କୁହାଯାଇଛି । ଆଜି ୧୮ଟି ଜିଲ୍ଲାର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ସମ୍ଭାବନା ରହିଛି । ଏହାକୁ ଦୃଷ୍ଟିରେ ରଖି ପାଣିପାଗ କେନ୍ଦ୍ର ପକ୍ଷରୁ ଏହି ଜିଲ୍ଲାଗୁଡ଼ିକ ପାଇଁ ସତର୍କ ସୂଚନା ଜାରି କରାଯାଇଛି ।

*****